ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/MSME(OD)/ 1380/03-03-2021**

# କେନ୍ଦ୍ର ଏମ୍‌ଏସ୍‌ଏମ୍‌ଇ ସଚିବଙ୍କୁ ସତ୍ୟବ୍ରତ ସାହୁଙ୍କ ସାକ୍ଷାତ

ଭୁବନେଶ୍ୱର, ତା.୦୩/୦୩/୨୦୨୧

କେନ୍ଦ୍ର ସରକାରଙ୍କ ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗ ସଚିବ ଶ୍ରୀ ବିଦ୍ୟୁତ ବିହାରୀ ସ୍ୱାଇଁଙ୍କୁ ରାଜ୍ୟ ଏମ୍‌ଏସ୍‌ଏମ୍‌ଇ ପ୍ରମୁଖ ଶାସନ ସଚିବ ଶ୍ରୀ ସତ୍ୟବ୍ରତ ସାହୁ ନୂଆଦିଲ୍ଲୀଠାରେ ସୌଜନ୍ୟମୂଳକ ସାକ୍ଷାତ କରି ରାଜ୍ୟ ଏମ୍‌ଏସ୍‌ଏମ୍‌ଇ କାର୍ଯ୍ୟକ୍ରମ ସଂପର୍କରେ ଅବଗତ କରିଥିଲେ । ଏହି ଅବସରରେ ସଚିବ ଶ୍ରୀ ସାହୁ ଓଡ଼ିଶାରେ 'ସ୍ଫୁର୍ତ୍ତି' ଯୋଜନା ଅଧୀନରେ ଆଉ ଏକ ଶିଳ୍ପାଞ୍ଚଳ କ୍ଲଷ୍ଟର ସ୍ଥାପନ ପାଇଁ ଅନୁରୋଧ ଜଣାଇଥିଲେ । ସେହିପରି ଏହି କ୍ଷେତ୍ରରେ ବ୍ୟାଙ୍କ ଅର୍ଥ ଲଗାଣ ପରିମାଣ ବୃଦ୍ଧି, ପିଏମ୍‌ଇଜିପି ପାଇଁ ଅଧିକ ଅର୍ଥ ଆବଣ୍ଟନ କରିବାକୁ ଏବଂ ଶିଳ୍ପାଞ୍ଚଳଗୁଡ଼ିକରେ ଭିତ୍ତିଭୂମି ବିକାଶ କରିବାକୁ ସେ କହିଥିଲେ । ଏହା ଏକ ସୌଜନ୍ୟମୂଳକ ସାକ୍ଷାତ ହୋଇଥିଲେ ହେଁ କେନ୍ଦ୍ର ସଚିବ ଶ୍ରୀ ସ୍ୱାଇଁ ଏମ୍‌ଏସ୍‌ଏମ୍‌ଇ କ୍ଷେତ୍ରରେ ଓଡ଼ିଶା ପ୍ରତି ଯଥେଷ୍ଟ ଗୁରୁତ୍ୱ ପ୍ରଦାନ କରାଯିବ ବୋଲି ପ୍ରତିଶ୍ରୁତି ଦେଇଥିବା ପ୍ରକାଶ ।

ସୁବାଷ ନିଆଲ
ସୂଚନା ଅଧିକାରୀ